# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**11th September - 2024**

**News Editor : *Itishree Singh Rathaur***

********************************

## ମୁଖ୍ୟ ସମ୍ବାଦ

- ଓଡ଼ିଶା ଗସ୍ତରେ ଆସନ୍ତା ୧୭ ତାରିଖରେ ଆସିବେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ।

— ସୁଭଦ୍ରା ଯୋଜନା ସହ ବିଭିନ୍ନ ଜନକଲ୍ୟାଣକାରୀ ପ୍ରକଳ୍ପର କରିବେ ଲୋକାର୍ପଣ ।

- ନିର୍ମାଣ ଶ୍ରମିକମାନଙ୍କ ପାଇଁ ଦୁର୍ଘଟଣାଜନିତ ମୃତ୍ୟୁକାଳୀନ ସହାୟତା ରାଶିକୁ ୬ ଲକ୍ଷ ଟଙ୍କାକୁ ବୃଦ୍ଧି କଲେ ମୁଖ୍ୟମନ୍ତ୍ରୀ ।

- ବିଧାନସଭାରେ ଉପସ୍ଥାପିତ ହେଲା ସି.ଏ.ଜି. ରିପୋର୍ଟ ।

ଏବଂ

- ବଜ୍ରପାତ ଓ ବର୍ଷା ହେବା ନେଇ ରାଜ୍ୟର ୧୨ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କଲା ପାଣିପାଗ କେନ୍ଦ୍ର ।

***BBSR/R***

# ପ୍ରଧାନମନ୍ତ୍ରୀ - ସୁଭଦ୍ରା ଯୋଜନା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆସନ୍ତା ୧୭ ତାରିଖରେ ଓଡ଼ିଶା ଗସ୍ତରେ ଆସିବାର କାର୍ଯ୍ୟସୂଚୀ ରହିଛି । ଏହି ଅବସରରେ ପ୍ରଧାନମନ୍ତ୍ରୀ ଭୁବନେଶ୍ୱରର ଜନତା ମଇଦାନରେ ସୁଭଦ୍ରା ଯୋଜନାର ଶୁଭାରମ୍ଭ କରିବା ସହ ଆଉ କିଛି ଜନକଲ୍ୟାଣକାରୀ ପ୍ରକଳ୍ପର ଶିଳାନ୍ୟାସ କରିବେ ବୋଲି ଜଣାପଡ଼ିଛି ।

ଗସ୍ତସୂଚୀ ଅନୁଯାୟୀ ପ୍ରଧାନମନ୍ତ୍ରୀ ୧୭ ତାରିଖ ପୂର୍ବାହ୍ନ ୧୧ଟା ୩୫ରେ ଭୁବନେଶ୍ୱର ବିଜୁ ପଟ୍ଟନାୟକ ଅନ୍ତର୍ଜାତୀୟ ବିମାନ ବନ୍ଦରରେ ପହଞ୍ଚିବେ । ସେଠାରୁ ସଡ଼କ ପଥରେ ଯାଇ ୧୧ଟା ୫୫ରେ ଜନତା ମଇଦାନରେ ପହଞ୍ଚିବେ । ମଧ୍ୟାହ୍ନ ୧୨ଟାରୁ ଗୋଟାଏ ପର୍ଯ୍ୟନ୍ତ ସେ ଜନତା ମଇଦାନରେ ଆୟୋଜିତ କାର୍ଯ୍ୟକ୍ରମରେ ଉପସ୍ଥିତ ରହି ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ, ଉଦ୍‌ଘାଟନ ଓ ଲୋକାର୍ପଣ କରିବେ । ଏହାପରେ ଅପରାହ୍ଣ ଗୋଟାଏ ୨୫ ମିନିଟ୍‌ରେ ପ୍ରଧାନମନ୍ତ୍ରୀ ଦିଲ୍ଲୀ ପ୍ରତ୍ୟାବର୍ତ୍ତନ କରିବାର କାର୍ଯ୍ୟସୂଚୀ ସ୍ଥିର ହୋଇଛି ।

***Desk***

# ନିର୍ମାଣ ଶ୍ରମିକ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିର୍ମାଣ ଶ୍ରମିକମାନଙ୍କ ପାଇଁ ଦୁର୍ଘଟଣାଜନିତ ମୃତ୍ୟୁକାଳୀନ ସହାୟତା ରାଶିକୁ ୪ ଲକ୍ଷରୁ ୬ ଲକ୍ଷ ଟଙ୍କାକୁ

ବୃଦ୍ଧି କରିଛନ୍ତି । ସେହିଭଳି ସ୍ୱାଭାବିକ ମୃତ୍ୟୁ କ୍ଷେତ୍ରରେ ମିଳୁଥିବା ସହାୟତା ରାଶି ୨ ଲକ୍ଷରୁ ୩ ଲକ୍ଷ ଟଙ୍କାକୁ ବୃଦ୍ଧି କରିଛନ୍ତି । ଭୁବନେଶ୍ୱର ଲୋକସେବା ଭବନରେ ଆଜି ନିର୍ମାଣ ଶ୍ରମିକ କଲ୍ୟାଣ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ଏହି ଘୋଷଣା କରିଛନ୍ତି । ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ନିର୍ମାଣ ଶ୍ରମିକ ଦେଶ ନିର୍ମାଣର ମେରୁଦଣ୍ଡ । ସେମାନେ ହେଉଛନ୍ତି ପ୍ରକୃତ ରାଷ୍ଟ୍ର ନିର୍ମାତା । ନିର୍ମାଣ କ୍ଷେତ୍ର କେବଳ ଅର୍ଥନୀତିକୁ ସମୃଦ୍ଧ କରେ ନାହିଁ; ବରଂ ଏହା ବ୍ୟାପକ କର୍ମସଂସ୍ଥାନ ଯୋଗାଇଥାଏ । ନିର୍ମାଣ ଶ୍ରମିକମାନଙ୍କପାଇଁ ଓଡ଼ିଶା କୋଠାବାଡ଼ି ଓ ଅନ୍ୟାନ୍ୟ ନିର୍ମାଣ ଶ୍ରମିକ କଲ୍ୟାଣ ବୋର୍ଡ଼ ରହିଛି । ଶ୍ରମିକମାନଙ୍କର ସାମାଜିକ ନିରାପତ୍ତାପାଇଁ ଏହି ବୋର୍ଡ଼ରେ ପଞ୍ଜୀକରଣ କରିବା ଆବଶ୍ୟକ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ଏହି ଅବସରରେ ମୁଖ୍ୟମନ୍ତ୍ରୀ ନିର୍ମାଣ ଶ୍ରମିକମାନଙ୍କୁ ବିଭିନ୍ନ ପ୍ରକାରର ସହାୟତା ରାଶି ପ୍ରଦାନ କରିଛନ୍ତି ।

***Desk***

## ବିଧାନସଭା - ବିଜୁଳି ସେବା

ରାଜ୍ୟର ସବୁ ରାଜସ୍ୱ ଗ୍ରାମକୁ ଆସନ୍ତା ମାର୍ଚ୍ଚ ମାସ ସୁଦ୍ଧା ବିଜୁଳି ସେବା ପହଞ୍ଚିବ। ଉପମୁଖ୍ୟମନ୍ତ୍ରୀ ତଥା ଶକ୍ତିମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ ବିଧାନସଭାରେ ଆଜି ଏହି ସୂଚନା ଦେଇଛନ୍ତି। ସେ କହିଛନ୍ତି, ବକେୟା ବିଦ୍ୟୁତ୍ ଦେୟ ପ୍ରଦାନ ପାଇଁ ସରକାର ଚଳିତ ବଜେଟ୍‌ରେ ନୂତନ ବ୍ୟବସ୍ଥା ଗ୍ରହଣ କରିଛନ୍ତି। ରାଜ୍ୟର ପଞ୍ଚାୟତଗୁଡ଼ିକୁ ଏ ବାବଦରେ ୧୦୫ କୋଟି

ଟଙ୍କା ପ୍ରଦାନ କରାଯାଉଛି । ପ୍ରଧାନମନ୍ତ୍ରୀ ସୂର୍ଯ୍ୟଘର ଯୋଜନାରେ ହିତାଧିକାରୀ ମାସିକ ୩୦୦ ୟୁନିଟ୍ ପର୍ଯ୍ୟନ୍ତ ମାଗଣା ବିଜୁଳି ବ୍ୟବହାରର ବ୍ୟବସ୍ଥା ରହିଛି । ତେବେ ୩୦୦ ୟୁନିଟ୍‌ରୁ କମ୍ ବ୍ୟବହାର କ୍ଷେତ୍ରରେ ବଳକା ବିଜୁଳିକୁ ବିକ୍ରି କରାଯାଇପାରିବ ବୋଲି ମନ୍ତ୍ରୀ ଶ୍ରୀ ସିଂହଦେଓ କହିଛନ୍ତି । ସ୍ମାର୍ଟ ମିଟର ନେଇ କୌଣସି ଅଭିଯୋଗ ଥିଲେ ବିତରଣ କମ୍ପାନୀକୁ ଲିଖିତ ଆକାରରେ ଜଣାଇବାକୁ ମନ୍ତ୍ରୀ ଶ୍ରୀ ସିଂହଦେଓ ପରାମର୍ଶ ଦେଇଛନ୍ତି ।

***Desk***

# ବିଧାନସଭା - ନିଯୁକ୍ତି ପ୍ରକ୍ରିୟା

ନିଯୁକ୍ତି ପ୍ରକ୍ରିୟାକୁ ସ୍ୱଚ୍ଛ ଓ ନିରପେକ୍ଷ କରିବା ପାଇଁ ରାଜ୍ୟ ସରକାର ସ୍ୱତନ୍ତ୍ର ଆଇନ ଆଣିବାକୁ ନିଷ୍ପତ୍ତି ନେଇଛନ୍ତି । ବିଧାନସଭାରେ ଆଜି ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ସଂସଦୀୟ ବ୍ୟାପାର ମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ ଏହି ସୂଚନା ଦେଇଛନ୍ତି । ମନ୍ତ୍ରୀ କହିଛନ୍ତି, ରାଜ୍ୟ ସରକାର ଆସନ୍ତା ୫ ବର୍ଷ ଭିତରେ ୧ ଲକ୍ଷ ୫୦ ହଜାର ପଦବୀ ପୂରଣ ପାଇଁ ପ୍ରତିଶ୍ରୁତିବଦ୍ଧ । ସେହିପରି ଆସନ୍ତା ୨ ବର୍ଷ ମଧ୍ୟରେ ସରକାର ୬୫ ହଜାର ପଦବୀ ପୂରଣ କରିବେ । ଖାଲି ପଡିଥିବା ମୋଟ୍ ୩୪ ହଜାର ୬୮୬ ଖାଲି ପଦବୀକୁ ଆସନ୍ତା ଡିସେମ୍ବର ସୁଦ୍ଧା ପୂରଣ କରିବା ପାଇଁ ସରକାର ପଦକ୍ଷେପ ନେଉଛନ୍ତି । ଚଳିତମାସ ଶେଷ ସୁଦ୍ଧା ସ୍କୁଲ ଓ ଗଣଶିକ୍ଷା ବିଭାଗର ସର୍ବାଧିକ ଖାଲି ପଡିଥିବା

୨୧ ହଜାର ୯୭୯ ପଦବୀ ପୂରଣ କରାଯିବ ବୋଲି ମନ୍ତ୍ରୀ ଗୃହରେ କହିଛନ୍ତି ।

***BBSR/R***

## ରାସନ କାର୍ଡ଼ - ଇ-କେ.ଓ୍ୱାଇ.ସି.

ରାଜ୍ୟରେ ଯୋଗ୍ୟ ରାସନ କାର୍ଡ଼ ହିତାଧିକାରୀ ଚିହ୍ନଟପାଇଁ ଇ-କେ.ଓ୍ୱାଇ.ସି. ପ୍ରକ୍ରିୟା ଗତ ଅଗଷ୍ଟ ୨୨ ତାରିଖରୁ ଆରମ୍ଭ ହୋଇଛି । ଆସନ୍ତା ଡିସେମ୍ବର ମାସ ଯାଏ ଏହି ପ୍ରକ୍ରିୟା ଜାରି ରହିବ ବୋଲି ବିଧାନସଭାରେ ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଛନ୍ତି । ସେ କହିଛନ୍ତି, ଏହି ପ୍ରକ୍ରିୟାରେ ବର୍ତ୍ତମାନ ସୁଦ୍ଧା ପ୍ରାୟ ୧୬ରୁ ୧୭ ଲକ୍ଷ ଅଯୋଗ୍ୟ ହିତାଧିକାରୀ ଚିହ୍ନଟ ହୋଇସାରିଛନ୍ତି । ପ୍ରବାସୀ ଓଡ଼ିଆମାନେ ନିଜ ସ୍ଥାନରେ ରହି ଇ-କେ.ଓ୍ୱାଇ.ସି. କରିପାରିବେ ବୋଲି ମନ୍ତ୍ରୀ କହିଛନ୍ତି ।

***Desk***

## ଫ୍ଲୋରେନ୍ସ ନାଇଟିଙ୍ଗଲ୍-୨୦୨୪

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ରାଷ୍ଟ୍ରପତି ଭବନଠାରେ ଆଜି ଜାତୀୟ ଫ୍ଲୋରେନ୍ସ ନାଇଟିଙ୍ଗଲ୍ ପୁରସ୍କାର-୨୦୨୪ ପ୍ରଦାନ କରିଛନ୍ତି । ସ୍ୱାସ୍ଥ୍ୟସେବା

କ୍ଷେତ୍ରରେ ଉତ୍କର୍ଷ ପ୍ରତିପାଦନ କରିଥିବା ନର୍ସଙ୍କୁ ଏହି ପୁରସ୍କାର ପ୍ରଦାନ କରାଯାଇଥାଏ। ଚଳିତବର୍ଷ ସମଗ୍ର ଦେଶରୁ ୧୫ ଜଣଙ୍କୁ ଏହି ପୁରସ୍କାର ପ୍ରଦାନ କରାଯାଇଛି। ସେଥିମଧ୍ୟରେ ମାଲକାନଗିରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ କାର୍ଯ୍ୟରତ ନର୍ସିଂ ଅଧିକାରୀ ସଂଯୁକ୍ତା ସେଠୀଙ୍କୁ ମଧ୍ୟ ପୁରସ୍କୃତ କରାଯାଇଛି। ଏହି ସମ୍ମାନ ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସଂଯୁକ୍ତାଙ୍କୁ ହାର୍ଦ୍ଦିକ ଶୁଭେଚ୍ଛା ଏବଂ ଅଭିନନ୍ଦନ ଜଣାଇଛନ୍ତି। ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ତାଙ୍କର ତ୍ୟାଗ, ନିଷ୍ଠା ଓ ଜନସେବା ମହିଳା ସଶକ୍ତୀକରଣର ଏକ ଶ୍ରେଷ୍ଠ ଉଦାହରଣ ବୋଲି ମୁଖ୍ୟମନ୍ତ୍ରୀ ସାମାଜିକ ଗଣମାଧ୍ୟମରେ କହିଛନ୍ତି।

***BBSR/R***

# ସି.ଏ.ଜି. ରିପୋର୍ଟ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଆଜି ବିଧାନସଭାରେ ଭାରତର ମହାଲେଖା ନିୟନ୍ତ୍ରକ ଓ ମହାସମୀକ୍ଷକ-ସି.ଏ.ଜି.ଙ୍କ ରିପୋର୍ଟ ଉପସ୍ଥାପନ କରିଛନ୍ତି । ଏହାସହ ସେ ଗୃହରେ ଓଡ଼ିଶା ଦ୍ରବ୍ୟ ଓ ସେବାକର ସଂଶୋଧନ ବିଲ୍-୨୦୨୪କୁ ବିଚାର ପାଇଁ ଉପସ୍ଥାପିତ କରିଛନ୍ତି । ବିଲ୍ ସପକ୍ଷରେ ମୁଖ୍ୟମନ୍ତ୍ରୀ ନିଜର ବକ୍ତବ୍ୟ ରଖିଥିବାବେଳେ ଏନେଇ ଏବେ ଆଲୋଚନା ଜାରି ରହିଛି । ଆଲୋଚନା ଶେଷରେ ଏହି ବିଧେୟକ ପାରିତ ହେବାପାଇଁ ମୁଖ୍ୟମନ୍ତ୍ରୀ ପ୍ରସ୍ତାବ ଆଣିବେ ବୋଲି ସୂଚନା ମିଳିଛି ।

*IPR*

## ଅକ୍ଷୟ ଶକ୍ତି

ଉପମୁଖ୍ୟମନ୍ତ୍ରୀ ତଥା କୃଷି ଓ କୃଷକ କଲ୍ୟାଣ ମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନରେ ପମ୍ପ୍‌ଡ୍ ଷ୍ଟୋରେଜ୍ ପ୍ରୋଜେକ୍ଟସ୍ ସମ୍ପର୍କିତ ଏକ ବୈଠକ ଅନୁଷ୍ଠିତ ହୋଇଛି । ଅକ୍ଷୟ ଶକ୍ତିର ଉତ୍ସ ଥିବା ସ୍ଥାନଗୁଡ଼ିକୁ ଚିହ୍ନଟ କରି ସେହି ସ୍ଥାନରେ ଥିବା ଜଳଉତ୍ସରୁ ପମ୍ପ୍ ସାହାଯ୍ୟରେ ପାଣିକୁ ଉଠାଇ ଗୋଟିଏ ସ୍ଥାନରେ ରଖାଯିବ ଓ ସେହି ଜଳକୁ ବ୍ୟବହାର କରାଯାଇ ସେଥିରୁ ବିଦ୍ୟୁତ୍ ଶକ୍ତି ଉତ୍ପାଦନ କରାଯିବାର ବ୍ୟବସ୍ଥା ରହିଛି । ପ୍ରଧାନମନ୍ତ୍ରୀ ସବୁଜ ବିଦ୍ୟୁତ୍ ଓ ଅକ୍ଷୟ ଶକ୍ତିର ବ୍ୟବହାର ଉପରେ ଗୁରୁତ୍ୱ ଦେଉଥିବାରୁ ଓଡ଼ିଶା ମଧ୍ୟ ଅନୁରୂପ ଜଳବାୟୁ ଓ ପରିବେଶ ଅନୁକୂଳ ସବୁଜ ବିଦ୍ୟୁତ୍ ଉତ୍ପାଦନକୁ ପ୍ରୋତ୍ସାହନ ଦେଉଥିବା ବୈଠକରୁ ଜଣାପଡ଼ିଛି ।

*Puri/R*

## ସୁଭଦ୍ରା ଯୋଜନା - ବ୍ଲୁ-ଫ୍ଲାଗ୍ ବିଚ୍

ପୁରୀ ବ୍ଲୁ-ଫ୍ଲାଗ୍ ବେଳାଭୂମିରେ ସୁଭଦ୍ରା ଯୋଜନା ନେଇ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ

ଏବଂ ପ୍ରଭାତୀ ପରିଡ଼ା ଏହି କାର୍ଯ୍ୟକ୍ରମରେ ଯୋଗଦେଇ ସୁଭଦ୍ରା ଯୋଜନାର ଗୁରୁତ୍ୱ ସମ୍ବନ୍ଧରେ ଆଲୋକପାତ କରିଥିଲେ ।

***Malkangiri/R***

## ଦକ୍ଷିଣାଞ୍ଚଳ ରାଜସ୍ୱ ଆୟୁକ୍ତ

ଦକ୍ଷିଣାଞ୍ଚଳ ରାଜସ୍ୱ ଆୟୁକ୍ତ ରୂପାରୋଶନ ସାହୁ ମାଲକାନଗିରି ଜିଲ୍ଲା ଗସ୍ତ କରି ଲଗାଣ ବର୍ଷା ସ୍ଥିତି ସମ୍ପର୍କରେ ସମୀକ୍ଷା କରିଛନ୍ତି । ବୈଠକରେ ରିଲିଫ୍ କୋଡ଼ ଅନୁଯାୟୀ କ୍ଷୟକ୍ଷତି ସହାୟତା ସମ୍ପର୍କରେ ତ୍ୱରିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାପାଇଁ ସେ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଶ୍ରୀମତୀ ସାହୁ ଏମ୍.ଭି.-୭ ଓ ଏମ୍.ଭି.-୧୯ ସ୍ଥିତ ଅଙ୍ଗନଓ୍ୱାଡ଼ି କେନ୍ଦ୍ର ପରିଦର୍ଶନ କରିବା ସହ ପୋଷଣ ବାଟିକା ତିଆରି କରିବାକୁ ଅଙ୍ଗନଓ୍ୱାଡ଼ୀ କର୍ମୀଙ୍କୁ ପରାମର୍ଶ ଦେଇଛନ୍ତି ।

***Ganjam/R***

## ମନରେଗା ବୈଠକ

ଗଞ୍ଜାମ ଜିଲ୍ଲା ଛତ୍ରପୁର ବ୍ଲକ୍ ସମ୍ମିଳନୀ କକ୍ଷରେ ମହାତ୍ମାଗାନ୍ଧି ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମନିଯୁକ୍ତି ଯୋଜନାର ବ୍ଲକ୍‌ସ୍ତରୀୟ ବୈଠକ ଅନୁଷ୍ଠିତ

ହୋଇଯାଇଛି । ଗତ ଆର୍ଥିକ ବର୍ଷରେ ୮୮୮ଟି ପ୍ରକଳ୍ପ ମଧ୍ୟରୁ ୪୮୬ଟିର କାର୍ଯ୍ୟ ଶେଷ ହୋଇଥିବାବେଳେ ୪୦୨ଟି ପ୍ରକଳ୍ପର କାର୍ଯ୍ୟ ଚାଲୁ ରହିଥିବା ଜଣାପଡ଼ିଛି । ବୈଠକରେ ଛତ୍ରପୁର ଉପଜିଲ୍ଲାପାଳ ଦେବଦତ୍ତ ମହାନ୍ତଙ୍କ ସମେତ ଅନ୍ୟ ଅଧିକାରୀ ଓ ପଞ୍ଚାୟତ ପ୍ରତିନିଧିମାନେ ଉପସ୍ଥିତ ଥିଲେ ।

***Kendrapara/R***

## ଭୋଟର ତାଲିକା ସଂଶୋଧନ

ଭୋଟର ତାଲିକାରେ ରହିଥିବା ତ୍ରୁଟି ସଂଶୋଧନପାଇଁ ଆଜି କେନ୍ଦ୍ରାପଡ଼ା ଜିଲ୍ଲା ସଂସ୍କୃତି ଭବନଠାରେ ତିନିଦିନିଆ ସ୍ୱତନ୍ତ୍ର ସଂକ୍ଷିପ୍ତ ଭୋଟର ତାଲିକା ସଂଶୋଧନ କାର୍ଯ୍ୟକ୍ରମ ନିମନ୍ତେ ବୁଥ୍‌ସ୍ତରୀୟ ଅଧିକାରୀମାନଙ୍କ କର୍ମଶାଳା ଆରମ୍ଭ ହୋଇଛି । ଜିଲ୍ଲାପାଳ ତଥା ଜିଲ୍ଲା ନିର୍ବାଚନ ଅଧିକାରୀ ସ୍ମୃତିରଞ୍ଜନ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅବାଧ, ନିରପେକ୍ଷ ତଥା ସ୍ୱଚ୍ଛ ନିର୍ବାଚନ ପାଇଁ ତ୍ରୁଟିଶୂନ୍ୟ ଭୋଟର ତାଲିକାର ଆବଶ୍ୟକତା ଉପରେ ଗୁରୁତ୍ୱ ଦିଆଯାଇଛି । ଏହି କାର୍ଯ୍ୟକ୍ରମପାଇଁ ବୁଥ୍‌ସ୍ତରୀୟ ଅଧିକାରୀ ଓ ସୁପରଭାଇଜର୍‌ମାନଙ୍କ ଦାୟିତ୍ୱ ଗୁରୁତ୍ୱପୂର୍ଣ୍ଣ ବୋଲି ଜିଲ୍ଲାପାଳ କହିଛନ୍ତି । ଘରକୁ ଘର ଯାଇ ସର୍ଭେ କରିବାକୁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ସଂକ୍ଷିପ୍ତ ଭୋଟର୍ ତାଲିକା ସଂଶୋଧନ ଆସନ୍ତା ୨୦ ତାରିଖରୁ ଆରମ୍ଭ ହୋଇ ୩୦ ତାରିଖ ପର୍ଯ୍ୟନ୍ତ ଚାଲିବ ।

*Desk*

# ଜାତୀୟ ହସ୍ତତନ୍ତ ମେଳା

ଜାତୀୟ ହସ୍ତତନ୍ତ ମେଳା-୨୦୨୪ ଆଜିଠାରୁ ଭୁବନେଶ୍ୱର ପ୍ରଦର୍ଶନୀ ପଡିଆଠାରେ ଆରମ୍ଭ ହୋଇଛି। ଆସନ୍ତାମାସ ୬ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ମେଳାରେ ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ଆଦିକୁ ନେଇ ପ୍ରଦର୍ଶନୀ ମଣ୍ଡପମାନ ଖୋଲାଯାଇଛି। ସାଧାରଣ ଜନତାଙ୍କ ପାଇଁ ପ୍ରତ୍ୟହ ପୂର୍ବାହ୍ଣ ୧୧ଟାରୁ ରାତି ସାଢ଼େ ୯ଟା ପର୍ଯ୍ୟନ୍ତ ଏହି ମେଳା ଖୋଲା ରହିବ।

*Boudh/R*

# ଯୁବ ସଂସଦ

ବୌଦ୍ଧ ଜିଲ୍ଲା ପି.ଏମ୍.ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟରେ ଯୁବ ସଂସଦର ଆୟୋଜନ ହୋଇଛି । ଏହି କାର୍ଯ୍ୟକ୍ରମରେ ନବମ ଓ ଦଶମ ଶ୍ରେଣୀର ଛାତ୍ରଛାତ୍ରୀମାନେ ଯୋଗଦେଇ ଶିକ୍ଷା, ଆତଙ୍କବାଦ ସମସ୍ୟା ଓ ଏହାର ସମାଧାନ ଆଦି ସମ୍ପର୍କରେ ଆଲୋଚନା କରିଥିଲେ ।

*Ganjam/R*

## ଚକ୍ଷୁ ଚିକିତ୍ସା ଶିବିର

ଗଞ୍ଜାମ ଜିଲ୍ଲା ବୁଗୁଡ଼ା ବ୍ଲକ୍ ଅନ୍ତର୍ଗତ ଝୋଲରୀ ଗ୍ରାମର  ଜୟକିଷାନ ସେବାଶ୍ରମରେ ଏକ ମାଗଣା ଚକ୍ଷୁ ଚିକିତ୍ସା ଶିବିର ଅନୁଷ୍ଠିତ ହୋଇଯାଇଛି । ଏଥିରେ ୩୯ ଜଣ ବ୍ୟକ୍ତିଙ୍କ ଚକ୍ଷୁ ପରୀକ୍ଷା କରାଯାଇଥିଲା ।

*Desk*

## ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଗଭୀର ଅବପାତ ଛତିଶଗଡ଼ ଆଡ଼କୁ ଅଗ୍ରସର ହେବା ପରେ ରାଜ୍ୟରେ ବର୍ଷାର ପରିମାଣ ହ୍ରାସ ପାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୪ ଦିନ ପର୍ଯ୍ୟନ୍ତ କେତେକ ସ୍ଥାନରେ ଘଡ଼ଘଡ଼ି ସହ ବର୍ଷା ହେବ । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବର୍ଷା ହେବା ନେଇ ୧୨ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

*****